ପ୍ରେସ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୯ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୮୧୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୮ ଜଣ ।

ଅନୁଗୋଳ, ତା୨୮.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୧୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୧୦ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ (୩ଜଣ ପୁରୁଷ ଓ୨ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ (୪ ଜଣ ମହିଳା), ବଣ୍ଁରପାଳ ବ୍ଲକ୍ ଅଂଚଳରୁ ୪ଜଣ (୪ ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି କଣିହାଁ ବ୍ଲକ, ଅନୁଗୋଳ ବ୍ଲକ ,ପାଲଲହଡା ବ୍ଲକ, ତାଳଚେର ପୌରାଞ୍ଚଳ, ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୩୮ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୪୪ତା.୨୮.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୨୮/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ